ପ୍ରେସ ନୋଟ

# ଆଜି ଅନୁଗୋଳ ଜିଲ୍ଲାରୁ ୦୧ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୩୬୫ରେ ପହଞ୍ଚିଲା- ସୁସ୍ଥ ହେଲେ ୦୫ ଜଣ ।

ଅନୁଗୋଳ, ତା.୦୬.୦୩:- ଆଜି ଅନୁଗୋଳ ଜିଲ୍ଲାରେ ୦୧ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ୍ ଆକ୍ରାନ୍ତଂକ ସଂଖ୍ୟା ୨୪୧ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ) ଅଛନ୍ତି । ଆଜି କିଶୋରନଗର ବ୍ଲକ, ଛେଣ୍ଡିପଦା ବ୍ଲକ , ବଅଁରପାଳ ବ୍ଲକ, ଅନୁଗୋଳ ବ୍ଲକ, କଣିହାଁ ବ୍ଲକ , ଅନୁଗୋଳ ପୌରାଞ୍ଚଳ , ତାଳଚେର ପୌରାଞ୍ଚଳ, ଆଠମଲ୍ଲିକ ବ୍ଲକ, ପାଲଲହଡା ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ପ୍ରଭୃତି ୧୦ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୦୫ ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୧୬୬ ତା.୦୬.୦୩.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ